# ଆଜି ଅନୁଗୋଳ ଜିଲ୍ଲାରୁ ୯୩ଜଣ କରୋନା ପଜିଟିଭ ଚିହ୍ନଟ -

ପଜିଟିଭ ସଂଖ୍ୟା ୯୯୯୩ ରେ ପହଞ୍ଚିଲା - ସୁସ୍ଥ ହେଲେ ୭୯ ଜଣ ।

ଆଜି ଅନୁଗୋଳ ଜିଲ୍ଲାରୁ ୯୩ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଙ୍କ ମଧ୍ୟରୁ ୨ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଙ୍କ ସଂଖ୍ୟା ୧୫୯ ରେ ପହଂଚିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ବଣ୍ଡରପାଳ ବ୍ଲକ୍ ଅଂଚଳରୁ ୨୫ଜଣ ( ୨୦ଜଣ ପୁରୁଷ ଓ ୫ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୧୮ ଜଣ ( ୧୨ଜଣ ପୁରୁଷ ଓ ୬ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୧୩ଜଣ ( ୮ଜଣ ପୁରୁଷ ଓ ୫ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୧୦ଜଣ ( ୫ଜଣ ପୁରୁଷ ଓ ୫ ଜଣ ମହିଳା),କଣିହାଁ ବ୍ଲକ୍ ଅଂଚଳରୁ ୧୦ଜଣ ( ୬ଜଣ ପୁରୁଷ ଓ ୪ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୭ଜଣ(୫ ଜଣ ପୁରୁଷ ଓ ୨ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୩ଜଣ ( ୨ଜଣ ପୁରୁଷ ଓ ୧ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୨ଜଣ (୨ ଜଣ ପୁରୁଷ ), ତାଳଚେର ପୌରାଞ୍ଚଳରୁ ୨ଜଣ ( ୨ଜଣ ପୁରୁଷ ), ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୨ଜଣ ( ୨ଜଣ ପୁରୁଷ ) ଓ ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ ) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଙ୍କ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୭୯ଜଣ ସୁସ୍ଥ ହୋଇଛନ୍ତି । ସେମାନଙ୍କ ମଧ୍ୟରେ ୧୪ଜଣ କୋଭିଡ ହସପିଟାଲରୁ ଓ ୬୫ ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୭୪୦ ତା.୧୨.୧୧.୨୦୨୦ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା। ।

୧୨/୧୧/୨୦

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ